# ମନ୍ମଥନାଥ ଦାସଙ୍କ ଜନ୍ମ ଶତବାର୍ଷିକୀ



ବାଲେଶ୍ୱର, ୧୬।୫(ସମିସ): ଫକୀରମୋହନ ବିଶ୍ୱବିଦ୍ୟାଳୟ ଓ ସାହିତ୍ୟ ଅକାଦେମିର ମିଳିତ ଆନୁକୂଲ୍ୟରେ ଜାତୀୟ ତଥା ଅନ୍ତର୍ଜାତୀୟ ଖ୍ୟାତିସମ୍ପନ୍ନ ଐତିହାସିକ, ସାହିତ୍ୟିକ ଓ ବିଶିଷ୍ଟ ଶିକ୍ଷାବିତ ମନ୍ମଥନାଥ ଦାସଙ୍କ ଜନ୍ମ ଶତବାର୍ଷିକୀ ଫକୀରମୋହନ ବିଶ୍ୱବିଦ୍ୟାଳୟରେ ପାଳିତ ହୋଇଯାଇଛି। କୁଳପତି ପ୍ରଫେସର ସନ୍ତୋଷ କୁମାର ତ୍ରିପାଠୀଙ୍କ ଦ୍ୱାରା କାର୍ଯ୍ୟକ୍ରମ ଉଦଘାଟିତ ହୋଇଥିଲା। ଏହି ଅବସରରେ ସମ୍ମାନିତ ଅତିଥି ଭାବେ ମନ୍ମଥନାଥ ଦାସଙ୍କ ବୋହୂ ରଞ୍ଜିତା ଦାସ, ସଭାମୁଖ୍ୟ ରୂପେ ସାହିତ୍ୟ ଅକାଦେମୀର ଓଡ଼ିଆ ଉପଦେଷ୍ଟା ପରିଷଦର ଆବାହକ ଗୌରହରି ଦାସ, ମୁଖ୍ୟବକ୍ତା ଭାବେ ବିଶିଷ୍ଟ ଐତିହାସିକ ଖାରବେଳ ମହାନ୍ତି ଯୋଗଦେଇ ମନ୍ମଥନାଥଙ୍କ ରଚିତ ପୁସ୍ତକ ଗୁଡିକ ଉପରେ ଆଲୋକପାତ କରିବା ସହ ତାଙ୍କ ଜୀବନୀ, ଦର୍ଶନ ଓ ସାହିତ୍ୟ ସାଧନାର ଉଦାହରଣ ଓ ସ୍ୱ-ଅନୁଭୂତି ଗୁଡ଼ିକୁ ନିଜ ଉଦବୋଧନରେ ଉଲ୍ଲେଖ କରିଥିଲେ। ଏହି କାର୍ଯ୍ୟକ୍ରମର ଦୁଇଟି ବୈଷୟିକ ଅଧିବେଶନରେ ଦାଶ ବେନହୁର, ଅଭିରାମ ବିଶ୍ୱାଳ, ରୁଦ୍ରାଣୀ ମହାନ୍ତି, ସହଦେବ ସାହୁ, ଅଶୋକ ପଟ୍ଟନାୟକ, କୃଷ୍ଣଚନ୍ଦ୍ର ପ୍ରଧାନ, ଲକ୍ଷ୍ମୀକାନ୍ତ ତ୍ରିପାଠୀ, ପ୍ରହଲ୍ଲାଦ ସିଂହ ପ୍ରମୁଖ ଯୋଗଦେଇ ମନ୍ମଥନାଥଙ୍କ ସମ୍ପର୍କରେ ଆଲୋଚନା କରିଥିଲେ। ଉଦଘାଟନୀ ସଭାରେ ସାହିତ୍ୟ ଅକାଦେମି- କୋଲକାତା ର ଭାରପ୍ରାପ୍ତ ଅଧିକାରୀ କ୍ଷେତ୍ରବାସୀ ନାଏକ ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ। କାର୍ଯ୍ୟକ୍ରମକୁ ଭାଷା ଓ ସାହିତ୍ୟ ବିଭାଗର ମୁଖ୍ୟ ପ୍ରଫେସର ଦେବାଶିଷ ପାତ୍ର ସଞ୍ଚାଳନା କରିଥିଲେ। ଏଥିସହିତ ବିଶ୍ୱବିଦ୍ୟାଳୟ ପରିସରରେ ସାହିତ୍ୟ ଅକାଦେମି ପକ୍ଷରୁ ପ୍ରକାଶିତ ଅନେକ ପୁସ୍ତକ ପ୍ରଦର୍ଶନ କରାଯାଇଥିଲା। ବୈଷୟିକ ଅଧିବେଶନ ଶେଷରେ ଭାଷା ଓ ସାହିତ୍ୟ ବିଭାଗର ଆସିଷ୍ଟାଣ୍ଟ ପ୍ରଫେସର ଡ. ଜୟନ୍ତ କୁମାର ଦାସ ଓ ଡ. ପ୍ରହ୍ଲାଦ ଖିଲ ଧନ୍ୟବାଦ ଅର୍ପଣ କରିଥିଲେ।